# ଆଜି ଅନୁଗୋଳ ଜିଲ୍ଲାରୁ ୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୫୮୫ରେ ପହଞ୍ଚିଲା - ସୁସ୍ଥ ହେଲେ ୦୫ ଜଣ ।

ଅନୁଗୋଳ, ତା.୦୫.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୫୧ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଁଅରପାଳ ବ୍ଲକ୍ ଅଂଚଳରୁ ୨ଜଣ ମହିଳା , ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ଜଣ ମହିଳା, ଅନୁଗୋଳ ପୌରାଞ୍ଚଳରୁ ୧ଜଣ ମହିଳା ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ପୁରୁଷ ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୫ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୩୧ ତା.୦୫.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ